# REGIONAL NEWS UNIT, AIR CUTTACK

## Morning Bulletin (7.05 AM)

### 23rd June - 2025

**********************************

*Desk*

## ଯୁବଶକ୍ତି ସମାବେଶ

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଆଜି ଗଞ୍ଜାମ ଜିଲ୍ଲା ଗସ୍ତ କରିବେ । ଶ୍ରୀ ମାଝୀ ଆସିକାସ୍ଥିତ ସରକାରୀ ବିଜ୍ଞାନ ମହାବିଦ୍ୟାଳୟ ଖେଳପଡିଆରେ କ୍ରୀଡ଼ା ଓ ଯୁବସେବା ବିଭାଗ ପକ୍ଷରୁ ଆୟୋଜିତ ହେବାକୁ ଥିବା ଯୁବଶକ୍ତି ସମାବେଶରେ ଯୋଗଦେବେ । ମୁଖ୍ୟମନ୍ତ୍ରୀ ମା’ ଖମ୍ବେଶ୍ୱରୀଙ୍କ ଦର୍ଶନ କରିବେ ବୋଲି ଆମ ସମ୍ବାଦଦାତା ଜଣାଇଛନ୍ତି । କାର୍ଯ୍ୟକ୍ରମରେ ଉଚ୍ଚଶିକ୍ଷାମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜଙ୍କ ସହ ବାଣିଜ୍ୟ, ପରିବହନ, ଇସ୍ପାତ ଓ ଖଣିମନ୍ତ୍ରୀ ବିଭୂତି ଭୂଷଣ ଜେନା ଏବଂ ମତ୍ସ୍ୟ ଓ ପଶୁସମ୍ପଦ ବିକାଶ ମନ୍ତ୍ରୀ ଗୋକୁଳାନନ୍ଦ ମଲ୍ଲିକ ଯୋଗଦେବେ ।

*Desk*

## ମୁଖ୍ୟମନ୍ତ୍ରୀ – ଅଲାରନାଥ

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ବ୍ରହ୍ମଗିରିସ୍ଥିତ ଶ୍ରୀଅଲାରନାଥ ମନ୍ଦିରରେ ଅଣସର ଦର୍ଶନ କରିଛନ୍ତି । ମୁଖ୍ୟମନ୍ତ୍ରୀ ଅଲାରନାଥ, ମହାଲକ୍ଷ୍ମୀ ଓ

ଚୈତନ୍ୟ ଚକଡ଼ା ପରିଦର୍ଶନ କରିବା ସହ ପୂଜାର୍ଚ୍ଚନା କରିଥିଲେ । ଏହି ଅବସରରେ ମନ୍ଦିରର ବିଭିନ୍ନ ସମସ୍ୟା ନେଇ ମୁଖ୍ୟମନ୍ତ୍ରୀ ସେବାୟତଙ୍କ ସହ ଆଲୋଚନା କରିଥିବା ଜଣାପଡ଼ିଛି ।

***Puri/R***

# ଅମୃତ ଅନ୍ନ

ଚଳିତ ବର୍ଷ ରଥଯାତ୍ରା ସମୟରେ ଶ୍ରୀଗୁଣ୍ଡିଚା ମନ୍ଦିର ଆଡ଼ପ ମଣ୍ଡପ ବିଜେ ସମୟରେ ମହାପ୍ରଭୁଙ୍କୁ କୋଠଭୋଗରେ ଜୈବିକ ଚାଉଳରେ ପ୍ରସ୍ତୁତ ଅମୃତ ଅନ୍ନ ଲାଗି କରାଯିବ । ଶ୍ରୀମନ୍ଦିର ମୁଖ୍ୟ ପ୍ରଶାସକଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ବୈଠକରେ ହୋଇଥିବା ନିଷ୍ପତ୍ତି ଅନୁଯାୟୀ ଭୋଗମଣ୍ଡପରେ ମଧ୍ୟ ଅମୃତ ଅନ୍ନ ବ୍ୟବହାର କରାଯିବ । କୋରାପୁଟର ଏକ ଅନୁଷ୍ଠାନ ଅମୃତ ଅନ୍ନ ଯୋଗାଇଦେବେ ବୋଲି ଜଣାପଡ଼ିଛି ।

***Puri/R***

# ଘଣାଲାଗି

ଅନବସରର ତ୍ରୟୋଦଶୀ ତିଥିରେ ଆଜି ଶ୍ରୀମନ୍ଦିରରେ ଶ୍ରୀଜିଉମାନଙ୍କର ଘଣାଲାଗି ନୀତି ଅନୁଷ୍ଠିତ ହେବ । ଏହି ନୀତିପାଇଁ ସୁନାକୂଅରୁ ୩ ଗରା ଜଳ ଶୁଦ୍ଧ ସୁଆରଙ୍କ ଘରେ ବିଜେ ହେବା ପରେ ଦିବ୍ୟ ପ୍ରଲେପ ଖଳିକୁ ପ୍ରସ୍ତୁତ

କରାଯାଇଛି ।  ମହାପ୍ରଭୁଙ୍କ ଘଣାଲାଗି ପରେ ଏହି ଖଳିକୁ ଘଣ୍ଟଘଣ୍ଟା ଓ ପଟୁଆରରେ ସୂର୍ଯ୍ୟାସ୍ତ ପୂର୍ବରୁ ଶ୍ରୀମନ୍ଦିରକୁ ବିଜେ କରାଯିବ ।

***Desk***

# ରଥଯାତ୍ରା - ସ୍ୱତନ୍ତ୍ର ଟ୍ରେନ୍

ରଥଯାତ୍ରାକୁ ଦୃଷ୍ଟିରେ ରଖି ପୂର୍ବତଟ ରେଳବାଇ ପକ୍ଷରୁ ସ୍ୱତନ୍ତ୍ର ଟ୍ରେନ୍ ଚଳାଚଳ ପାଇଁ ନିଷ୍ପତ୍ତି ହୋଇଛି । ରାଜ୍ୟର ପ୍ରାୟ ସମସ୍ତ ଅଞ୍ଚଳ ସମେତ ଅନ୍ୟକେତେକ ରାଜ୍ୟରୁ ପୁରୀକୁ ଯୋଡ଼ିବା ପାଇଁ ୩୬୫ଟି ଟ୍ରେନ୍ ଚଳାଚଳ କରିବ । ସ୍ୱତନ୍ତ୍ର ଟ୍ରେନ୍ ରାଉରକେଲା, ବାଲେଶ୍ୱର, ଅନୁଗୁଳ, ସମ୍ବଲପୁର, କଟକ, ବିଶାଖାପାଟଣା, ଛତିଶଗଡ, କଲିକତା ଆଦି ସ୍ଥାନକୁ ସଂଯୋଗ କରିବ ।

***Desk***

# ମୁଖ୍ୟମନ୍ତ୍ରୀ - ଜନଶୁଣାଣି

ମୁଖ୍ୟମନ୍ତ୍ରୀଙ୍କ ଜନ ଅଭିଯୋଗ ଶୁଣାଣି ଆଜି ବନ୍ଦ ରହିଛି। ସାଧାରଣ ପ୍ରଶାସନ ଓ ସାଧାରଣ ଅଭିଯୋଗ ବିଭାଗ ପକ୍ଷରୁ ଏହି ସୂଚନା ପ୍ରଦାନ କରାଯାଇଛି। ପରବର୍ତ୍ତୀ ଅଭିଯୋଗ ଶୁଣାଣିର ତାରିଖ ଗଣମାଧ୍ୟମ ଦ୍ୱାରା ଜନସାଧାରଣଙ୍କୁ ସୂଚିତ କରାଯିବ ବୋଲି ବିଭାଗ ପକ୍ଷରୁ କୁହାଯାଇଛି।

***Desk***

## ଶ୍ୟାମାପ୍ରସାଦ ବଳିଦାନ ଦିବସ

ଡକ୍ଟର ଶ୍ୟାମାପ୍ରସାଦ ମୁଖାର୍ଜୀଙ୍କ ଆଜି ବଳିଦାନ ଦିବସ ପାଳନ କରାଯାଉଛି । ଏହି ପରିପ୍ରେକ୍ଷୀରେ ସନ୍ଧ୍ୟାରେ ଭୁବନେଶ୍ୱର ଜୟଦେବ ଭବନରେ ଏକ ସାଧାରଣ ସଭା ଅନୁଷ୍ଠିତ ହେବ । ଏଥିରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଯୋଗଦେବାର କାର୍ଯ୍ୟସୂଚୀ ରହିଛି ।

***Desk***

## +୩ ମେଧାତାଲିକା

ଉଚ୍ଚଶିକ୍ଷା ବିଭାଗ ପକ୍ଷରୁ ଯୁକ୍ତ ୩ରେ ନାମଲେଖାପାଇଁ ଦ୍ୱିତୀୟ ପର୍ଯ୍ୟାୟ ମେଧାତାଲିକା ସହ କଟ୍ ଅଫ୍ ମାର୍କ ପ୍ରକାଶ ପାଇଛି । ଏହି ପର୍ଯ୍ୟାୟରେ ମୋଟ୍ ୪୫ ହଜାର ୫୦୨ ଜଣ ଛାତ୍ରଛାତ୍ର ଚୟନ ହୋଇଛନ୍ତି । କଟ୍ ଅଫ୍ ମାର୍କରେ ରେଭେନ୍ସା ବିଶ୍ୱବିଦ୍ୟାଳୟ ଶୀର୍ଷରେ ରହିଛି ।

***Bhadrak/R***

## ମନରେଗା ତାଲିମ ଶିବିର

ଭଦ୍ରକ ଜିଲ୍ଲା ଧାମନଗର ପଞ୍ଚାୟତ ସମିତି କାର୍ଯ୍ୟାଳୟରେ ପଞ୍ଚାୟତିରାଜ ଓ ପାନୀୟ ଜଳ ଯୋଗାଣ ବିଭାଗ ପକ୍ଷରୁ ମନରେଗା ଉପରେ ସଚେତନତା

କାର୍ଯ୍ୟକ୍ରମ ଓ ତାଲିମ ଶିବିର ଅନୁଷ୍ଠିତ ହୋଇଯାଇଛି । ବିଭିନ୍ନ ପଞ୍ଚାୟତର ଶ୍ରମିକ ଓ ସ୍ୱୟଂ ସହାୟକ ଗୋଷ୍ଠୀର ସଦସ୍ୟମାନେ ବିଭିନ୍ନ ଗ୍ରାମ ଓ ସାହି ପରିକ୍ରମା କରି ସଚେତନତା ସୃଷ୍ଟି କରିଥିଲେ । ଶିବିରରେ ମନରେଗା ଆଇନର ବିଭିନ୍ନ ଦିଗ ଉପରେ ଆଲୋଚନା ହୋଇଥିଲା ।

***BBSR/R***

## ସନ୍ତରଣ ପ୍ରତିଯୋଗିତା

ଭୁବନେଶ୍ୱର କଳିଙ୍ଗ ଷ୍ଟାଡିୟମ୍‌ରେ ୭୮ତମ ବରିଷ୍ଠ ଜାତୀୟ ସନ୍ତରଣ ପ୍ରତିଯୋଗିତା ଆରମ୍ଭ ହୋଇଛି । ଉଦ୍‌ଘାଟନୀ ସମାରୋହରେ ଯୋଗଦେଇ କ୍ରୀଡ଼ାମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଯ କହିଛନ୍ତି, ରାଜ୍ୟରେ ସନ୍ତରଣ ଭିତ୍ତିଭୂମିକୁ ସୁଦୃଢ଼ କରିବାପାଇଁ ୧୩ଟି ଜିଲ୍ଲାରେ ଗୋଟିଏ ଲେଖାଏଁ ସୁଇମିଂ ପୁଲ୍ କମ୍ପ୍ଲେକ୍ସ ନିର୍ମାଣ କରାଯିବ । ଏହା ସନ୍ତରଣ କ୍ରୀଡ଼ାରେ ପ୍ରତିଭାର ବିକାଶ ପାଇଁ ସହାୟକ ହେବ ବୋଲି ମନ୍ତ୍ରୀ ଆଶା ପ୍ରକାଶ କରିଛନ୍ତି । ଗତକାଲି ପ୍ରଥମ ଦିନରେ ଓଡ଼ିଶାର ସୃଷ୍ଟି ଉପାଧ୍ୟାୟ ବଟରଫ୍ଲାଏ ଇଭେଣ୍ଟରେ ସ୍ୱର୍ଣ୍ଣପଦକ ହାସଲ କରିଛନ୍ତି । ଆସନ୍ତା ୨୬ ତାରିଖ ପର୍ଯ୍ୟନ୍ତ ଚାଲିବାକୁ ଥିବା ପ୍ରତିଯୋଗିତାରେ ସମଗ୍ର ଦେଶରୁ ୪୦୦ରୁ ଊର୍ଦ୍ଧ୍ୱ ପ୍ରତିଯୋଗୀ ଅଂଶଗ୍ରହଣ କରିଛନ୍ତି ।

*Desk*

# ପାଣିପାଗ

ଦକ୍ଷିଣ ପଶ୍ଚିମ ମୌସୁମୀ ବାୟୁ ରାଜ୍ୟରେ ସକ୍ରିୟ ଥିବାରୁ ବିଭିନ୍ନ ଅଞ୍ଚଳରେ ବର୍ଷା ଲାଗିରହିଛି । ସେହିଭଳି ଗାଙ୍ଗେୟ ପଶ୍ଚିମବଙ୍ଗ ଓ ଏହାର ପାର୍ଶ୍ୱବର୍ତ୍ତୀ ଅଞ୍ଚଳରେ ଏକ ଘୂର୍ଣ୍ଣିବଳୟ ସୃଷ୍ଟି ହେବାର ସମ୍ଭାବନା ରହିଛି । ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ର ସୂଚନା ଅନୁସାରେ ଆସନ୍ତା ୨୪ ଘଣ୍ଟା ମଧ୍ୟରେ ୨୪ଟି ଜିଲ୍ଲାରେ ବିଜୁଳି ଘଡ଼ଘଡ଼ି ସହ ବର୍ଷା ହେବାର ସମ୍ଭବନା ରହିଛି । ଏହିସବୁ ଜିଲ୍ଲାଗୁଡ଼ିକ ପାଇଁ ସତର୍କ ସୂଚନା ଜାରି କରାଯାଇଛି । ଏ ସମ୍ପର୍କରେ ପାଣିପାଗ କେନ୍ଦ୍ରର ବୈଜ୍ଞାନିକ ଡକ୍ଟର ସଞ୍ଜୀବ ଦ୍ୱିବେଦୀ କହିଛନ୍ତି :

***Voice*** :..........

*****